**Sankha Bhawan**
Plot No. 798, Unit - VI
Bhubaneswar - 751001, Odisha

BJD

Ph : 0674-2393464, 2395979
email : bijujanatadal@gmail.com

# BIJU JANATA DAL

<u>ବିଜେଡିର ମିଶ୍ରଣ ପର୍ବ</u>

## ବିଜେଡ଼ିରେ ଯୋଗଦେଲେ ରାଜଗାଙ୍ଗପୁରର ପୂର୍ବତନ ବିଜେପି ବିଧାୟକ ପ୍ରାର୍ଥୀ ଉପେନ୍ଦ୍ର ପ୍ରଧାନ

**ଭୁବନେଶ୍ୱର, ୩୧/୦୩/୨୦୨୪:** ସୁନ୍ଦରଗଡ ଜିଲ୍ଲା ଅନ୍ତର୍ଗତ ରାଜଗାଙ୍ଗପୁର ନିର୍ବାଚନମଣ୍ଡଳୀର ପୂର୍ବତନ ବିଜେପି ବିଧାୟକ ପ୍ରାର୍ଥୀ ଉପେନ୍ଦ୍ର ପ୍ରଧାନଙ୍କ ସମେତ ଶତାଧିକ ବିଜେପି କର୍ମକର୍ତ୍ତା ଓ ନିର୍ବାଚିତ ପ୍ରତିନିଧି ଆଜି ଶଙ୍ଖଭବନ ଠାରେ ମନ୍ତ୍ରୀ ସାରଦା ନାୟକ, ପୂର୍ବତନ ବିଧାୟକ ମଙ୍ଗଳା କିଶାନ ଓ ରାଜ୍ୟସଭା ସାଂସଦ ଡକ୍ଟର ସସ୍ମିତ ପାତ୍ରଙ୍କ ଉପସ୍ଥିତିରେ ବିଜେଡିରେ ଯୋଗ ଦେଇଛନ୍ତି । ଦଳରେ ସାମିଲ୍ ହୋଇଥିବା ପୂର୍ବତନ ବିଜେପି ବିଧାୟକ ପ୍ରାର୍ଥୀ ଉପେନ୍ଦ୍ର ପ୍ରଧାନ ଏବଂ ଶତାଧିକ କର୍ମକର୍ତ୍ତା ଓ ନିର୍ବାଚିତ ପ୍ରତିନିଧିଙ୍କୁ ଶ୍ରୀ ନାୟକ, ଶ୍ରୀ କିଶାନ ଓ ଡକ୍ଟର ପାତ୍ର ଉପଢୌକନ ଦେଇ ଦଳକୁ ସ୍ୱାଗତ କରିଥିଲେ । ଆଜି ବିଜେପି କର୍ମୀଙ୍କ ଯୋଗଦାନ ଫଳରେ ବିଶେଷକରି ରାଜଗାଙ୍ଗପୁର ନିର୍ବାଚନ ମଣ୍ଡଳୀରେ ଦଳୀୟ ସଂଗଠନ ଆହୁରି ମଜଭୂତ ହେବ ବୋଲି ଶ୍ରୀ ନାୟକ, ଶ୍ରୀ କିଶାନ ଓ ଡକ୍ଟର ପାତ୍ର କହିଥିଲେ ।

ଏହି ଅବସରରେ ବିଜେଡ଼ିରେ ସାମିଲ୍ ହୋଇଥିବା ପୂର୍ବତନ ବିଜେପି ବିଧାୟକ ପ୍ରାର୍ଥୀ ଉପେନ୍ଦ୍ର ପ୍ରଧାନ ନିଜ ପ୍ରତିକ୍ରିୟାରେ କହିଥିଲେ ଯେ, ମାନ୍ୟବର ମୁଖ୍ୟମନ୍ତ୍ରୀ ତଥା ବିଜେଡ଼ି ସୁପ୍ରିମୋ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ ଲୋକାଭିମୁଖୀ କାର୍ଯ୍ୟ, ସ୍ୱଚ୍ଛ ଶାସନ, ନିର୍ମଳ ଭାବମୂର୍ତ୍ତି ଓ ନୀତି ଆଦର୍ଶରେ ଅନୁପ୍ରାଣିତ ହୋଇ ଆଜି ବିଧିବଦ୍ଧ ଭାବେ ବିଜେଡିରେ ଯୋଗ ଦେଲି । ନୂତନ ଓଡ଼ିଶା ଗଠନ ଦିଗରେ ମାନ୍ୟବର ମୁଖ୍ୟମନ୍ତ୍ରୀ ମୋତେ ଯାହା ଦାୟିତ୍ୱ ଦେବେ ତାକୁ ସୂଚାରୁ ରୂପେ ତୁଲାଇବି । ଦଳରେ ମୋତେ ଏବଂ ମୋ ସହ ଯୋଗ ଦେଇଥିବା ସମସ୍ତ ବିଜେପି କର୍ମୀଙ୍କୁ ଗ୍ରହଣ କରିଥିବାରୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ଦଳର ସାଂଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସ ଏବଂ ସମସ୍ତ ନେତୃବୃନ୍ଦଙ୍କୁ କୃତଜ୍ଞତା ଜ୍ଞାପନ କରୁଛୁ ।

ଏହି ମିଶ୍ରଣ ପର୍ବରେ ରାଜଗାଙ୍ଗପୁର ବିକାଶ ପରିଷଦର ସଭାପତି ସୁନୀଲ ଅଗ୍ରୱାଲ, ବିଧାୟକଙ୍କ ପ୍ରତିନିଧି ରତନ କୁମାର ସାହୁଙ୍କ ସହ ଶତାଧିକ ବିଜେପି କର୍ମୀ ବିଜେଡ଼ିରେ ସାମିଲ ହୋଇଥିଲେ । ଶେଷରେ ବିଜେଡ଼ି ମୁଖପାତ୍ର ଡଃ ପ୍ରିୟବ୍ରତ ମାଝୀ ଧନ୍ୟବାଦ ଅର୍ପଣ କରିଥିଲେ ।

ଡଃ ପ୍ରିୟବ୍ରତ ମାଝୀ

(ପ୍ରିୟବ୍ରତ ମାଝୀ)
ମୁଖପାତ୍ର, ବିଜୁଜନତା ଦଳ


ODISHA


ବି ଜେ ଡି
ODISHA